# କଟକ ମହାନଗର ନିଗମ

ଚୌଧୁରୀ ବଜାର, କଟକ-୭୫୩ ୦୦୯

ପତ୍ର ସଂ......7300..... XE-Licence (Auction) - 9/2023 ତାରିଖ...14/5/2024

## ବିଜ୍ଞାପନ

ଏତଦ୍ୱାରା ସର୍ବସାଧାରଣଙ୍କ ଗୋଚରାର୍ଥେ ଜଣାଇ ଦିଆଯାଉଅଛି ଯେ, କଟକ ମହାନଗର ନିଗମ ଅନ୍ତର୍ଗତ ନିମ୍ନଲିଖିତ ପାର୍କିଂ ସ୍ଥାନ, ଟ୍ୟାକ୍ସି ଷ୍ଟାଣ୍ଡ ଗୁଡ଼ିକୁ ଚଳିତ ୨୦୨୪-୨୫ ଆର୍ଥିକ ବର୍ଷ ଏବଂ ନଡ଼ିଆ ବଗିଚା, ପୋଖରୀ ଆଦି ସୈରାତ ଗୁଡ଼ିକ ୨୦୨୪-୨୫ ଆର୍ଥିକ ବର୍ଷ ଠାରୁ ୨୦୨୬-୨୭ ଆର୍ଥିକ ବର୍ଷ ପର୍ଯ୍ୟନ୍ତ ଆପୋଷ ବୁଝାମଣା ମାଧ୍ୟମରେ କଟକ ମହାନଗର ନିଗମ ଚୌଧୁରୀ ବଜାରସ୍ଥିତ କାର୍ଯ୍ୟାଳୟରେ ଆଗ୍ରହୀ ବ୍ୟକ୍ତିଙ୍କ ଠାରୁ **ଆସନ୍ତା ତା. ୧୫.୦୫.୨୦୨୪ ରିଖ ଠାରୁ ଆବେଦନପତ୍ର ଗ୍ରହଣ କରାଯିବ ।** ଏଣୁ ଇଚ୍ଛୁକ ବ୍ୟକ୍ତି ବିଶେଷ ବା ଅନୁଷ୍ଠାନ ନିମ୍ନୋକ୍ତ ନିର୍ଦ୍ଧାରିତ ସର୍ତ୍ତ ଅନୁଯାୟୀ ଉଦ୍ଦିଷ୍ଟ ସୈରାତ ପାଇଁ ଅବଧାରିତ ମୂଲ୍ୟ ସପକ୍ଷରେ ଦର ଉଲ୍ଲେଖ କରି ଆବେଦନ ପତ୍ର ଉପ ଆୟୁକ୍ତ(ରାଜସ୍ୱ)ଙ୍କୁ ପ୍ରଦାନ କରିବାକୁ ଅନୁରୋଧ । ସୈରାତ ଉତ୍ସ ଗୁଡ଼ିକ ପ୍ରଦାନ ସମ୍ବନ୍ଧୀୟ ସମ୍ପୂର୍ଣ୍ଣ ବିବରଣୀ କଟକ ମହାନଗର ନିଗମ ଲାଇସେନ୍ସ ବିଭାଗରୁ କାର୍ଯ୍ୟାଳୟ ଦିବସରେ ବୁଝିପାରିବା ସଂଗେ ସଂଗେ କଟକ ମହାନଗର ନିଗମର ୱେବ୍‌ସାଇଟ୍ www.cmccuttack.odisha.gov.in ରେ ଦେଖିପାରିବେ ।

**ସର୍ତ୍ତାବଳୀ :**

୧. ପୂର୍ବ ବର୍ଷର ନିଲାମ ଟଙ୍କା ବାକି ରଖିଥିବା ବ୍ୟକ୍ତିବିଶେଷ / ଅନୁଷ୍ଠାନ ଅଥବା ପୂର୍ବରୁ ନିଲାମ ସିଦ୍ଧ ହୋଇ ନିଲାମ ଗ୍ରହଣ କରି ନଥିବା ବ୍ୟକ୍ତିବିଶେଷ / ଅନୁଷ୍ଠାନ ମାନେ ଉକ୍ତ ପ୍ରକ୍ରିୟାରେ ଭାଗ ନେଇ ପାରିବେ ନାହିଁ ।

୨. ଏହି ପ୍ରକ୍ରିୟାରେ ଅଂଶଗ୍ରହଣ କରୁଥିବା ବ୍ୟକ୍ତି ବିଶେଷ ତାଙ୍କ ସପକ୍ଷରେ କୌଣସି ଫୌଜଦାରୀ ମାମଲା ବିଚାରାଧିନ ନାହିଁ କିମ୍ବା ସେ କୌଣସି ମାମଲାରେ ସଂଶ୍ଲିଷ୍ଟ ଥାଇ କାରାବରଣ କରି ନଥିବା ସମ୍ବନ୍ଧରେ ଏକ ସତ୍ୟପାଠ/ଘୋଷଣାନାମା ଦାଖଲ କରିବେ ।

୩. ଯାହାଙ୍କ ସପକ୍ଷରେ ସୈରାତ ଉତ୍ସ ଗୁଡ଼ିକର ନିର୍ଦ୍ଧାରିତ ଦର ସ୍ଥିରିକୃତ ହେବ, ସେ ସଙ୍ଗେ ସଙ୍ଗେ ଟଙ୍କା ଦାଖଲ କରି ରସିଦ ହାସଲ କରିବେ ।

୪. ସୈରାତଉତ୍ସ ଗ୍ରହିତା ପାର୍କିଂ ଫି (ମହାସୁଲ) ନିମ୍ନ ମତେ ଆଦାୟ କରିବେ ।

(କ) ଚାରି ଚକିଆ ଯାନ ପ୍ରତି ଦୈନିକ ଟ.୫୦.୦୦ଙ୍କା ।

(ଖ) ତିନି ଚକିଆ ଯାନ ପ୍ରତି ଦୈନିକ ଟ.୫୦.୦୦ଙ୍କା ।

(ଗ) ଦୁଇ ଚକିଆ ଯାନ ପ୍ରତି ଦୈନିକ ଟ.୨୦.୦୦ଙ୍କା ।

(ଘ) ସାଇକେଲ ପ୍ରତି ଦୈନିକ ଟ.୫.୦୦ଙ୍କା ।

୫. ପାର୍କିଂ ସ୍ଥାନ ସକାଳ ଘ.୮.୦୦ଟିକା ଠାରୁ ରାତ୍ର ଘ.୧୧.୦୦ଟିକା ପର୍ଯ୍ୟନ୍ତ ଖୋଲା ରଖିବେ ।

୬. ପାର୍କିଂ ସ୍ଥାନ ମହାସୁଲ ଆଦାୟକାରୀ ମାନେ ନିର୍ଦ୍ଦିଷ୍ଟ ସମପୋଷାକ (ୟୁନିଫର୍ମ) ପରିଧାନ କରିବା ସହିତ ନିଜର ପରିଚୟ ପତ୍ର ବେକରେ ଝୁଲାଇବେ ।

୭. ପାର୍କି ସ୍ଥାନକୁ ସ୍ଥିରିକୃତ ଗ୍ରହୀତା ଅନ୍ୟ କୌଣସି ଉଦ୍ଦେଶ୍ୟରେ ବ୍ୟବହାର କରିପାରିବେ ନାହିଁ ।

୮. ଗ୍ରହୀତା ପାର୍କିଂ ସ୍ଥାନରେ ରହୁଥିବା ଯାନବାହାନର ନିରାପତ୍ତା ନିମନ୍ତେ ଜଗୁଆଳୀର ବ୍ୟବସ୍ଥା କରିବେ ।

୯. ଧାର୍ଯ୍ୟ ଅମାନତ ଅର୍ଥ କମିଶନର, କଟକ ମହାନଗର ନିଗମଙ୍କ ସପକ୍ଷରେ କରାଯାଇଥିବା ବ୍ୟାଙ୍କ ଡ୍ରାଫ୍ଟ ଆବେଦକାରୀ ନିଜ ନାମରେ ବ୍ୟାଙ୍କରୁ କ୍ରୟ କରିବେ ।

୧୦. ଯାହାଙ୍କ ନାମରେ ଉକ୍ତ ସ୍ବୀକୃତ କରାଯିବ, ସେ ମ୍ୟୁନିସିପାଲ କମିଶନରଙ୍କ ସହିତ ଆବଶ୍ୟକୀୟ ଚୁକ୍ତିନାମା ଏହି ପ୍ରକ୍ରିୟା ଚୂଡ଼ାନ୍ତ ହେବାର ସାତ ଦିନ ମଧ୍ୟରେ କରିବେ।

| କ୍ର. ନଂ. | ସୈରାତ ଗୁଡ଼ିକର ନାମ | ଟେଣ୍ଡର ପାଇଁ ସର୍ବନିମ୍ନ ଧାର୍ଯ୍ୟ ରାଶି | ଅମାନତ ଟଙ୍କା | ମିଆଦ |
|---|---|---|---|---|
| ୧. | ପୋଷ୍ଟ ଅଫିସ ସମ୍ମୁଖ ପାର୍କିଂ ସ୍ଥାନ, ଚାନ୍ଦିନୀଚୌକ | ଟ.୪୮୬୨୦/- | ଟ.୪୯୦୦/- | ଆର୍ଥିକ ବର୍ଷ ୨୦୨୪-୨୫ |
| ୨. | ପେଟ୍ରୋଲ ପମ୍ପ ସମ୍ମୁଖ ପାର୍କିଂ ସ୍ଥାନ, କଲେଜଛକ | ଟ.୪୬୨୦୦୦/- | ଟ.୪୬୨୦୦/- | |
| ୩. | ଶୈଳବାଳା ମହାବିଦ୍ୟାଳୟ ପାଖ ପାର୍କିଂ ସ୍ଥାନ | ଟ.୯୨୭୩୦/- | ଟ.୯୩୦୦/- | |
| ୪. | ଆକବରୀ ଖାଁ ଗୁଡ଼ାଖୁ ଦୋକାନ ସମ୍ମୁଖ ପାର୍କିଂ ସ୍ଥାନ, ନିମଚୌଡ଼ି | ଟ.୩୭୫୧୦/- | ଟ.୩୮୦୦/- | |
| ୫. | ବାଦାମବାଡ଼ି ଟ୍ୟାକ୍ସି ଷ୍ଟାଣ୍ଡ | ଟ.୨୪୯୭୦୦/- | ଟ. ୨୫୦୦୦/- | |
| ୬. | ବଜ୍ରକବାଟି ରୋଡ଼ ଉପର ମାଳିସାହି ଗଡ଼ା ନିକଟ ପାର୍କିଂସ୍ଥାନ | ଟ.୬୨୧୦୦/- | ଟ.୬୩୦୦/- | |
| ୭. | ଗୋପବନ୍ଧୁ ପାର୍କ ପାର୍ଶ୍ୱବର୍ତି ପାର୍କିଂସ୍ଥାନ, ବକ୍ସି ବଜାର | ଟ.୩୦୫୬୫/- | ଟ.୩୧୦୦/- | |
| ୮. | ପଦ୍ଦର ଫୁଟିଆ ପୋଖରୀ, ଗୋପାଳପୁର | ଟ. ୬୦୫୦/- | ଟ.୭୦୦/- | ଆର୍ଥିକ ବର୍ଷ ୨୦୨୪-୨୫ ଠାରୁ ୨୦୨୬-୨୭ |
| ୯. | ଗାନ୍ଧୀ ସ୍ମୃତୀ ପୋଖରୀ, ତେଲେଙ୍ଗାପେଣ୍ଠ | ଟ.୮୬୯୦/- | ଟ.୯୦୦/- | |
| ୧୦. | ପଦ୍ମ ପୋଖରୀ, ଗୋପାଳପୁର | ଟ.୧୦୬୭୦/- | ଟ.୧୧୦୦/- | |
| ୧୧. | କଣ୍ଡରା ପୋଖରୀ, ଉତମାପୁର | ଟ.୨୨୨୨୨/- | ଟ.୨୩୦୦/- | |
| ୧୨. | ଗୋପ ପୋଖରୀ, ପ୍ରତାପ ନଗରୀ, ଓ୍ୱାର୍ଡ଼ ନଂ-୫୮ | ଟ.୧୦୧୫୧/- | ଟ.୧୧୦୦/- | |
| ୧୩. | ଗୌରୀଶଙ୍କର ପାର୍କ, ଚୌଧୁରୀବଜାର ନଡ଼ିଆ ଗଛ | ଟ.୬୬୦୦/- | ଟ.୭୦୦/- | |
| ୧୪. | ସଂସ୍କୃତ ଟୋଲ, ଟାଉନହଲ ନିକଟ ନଡ଼ିଆ ଗଛ | ଟ.୫୬୦୦/- | ଟ.୬୦୦/- | |

ଆୟୁକ୍ତଙ୍କ ଆଦେଶ କ୍ରମେ

ଉପ ଆୟୁକ୍ତ

ଜ୍ଞାପକ ସଂ. 730 /ତା. 14/5/2024

ଏହାର ଏକ କିତା ନକଲ ଅତିରିକ୍ତ ଆୟୁକ୍ତ-୧ ଓ ୨ /ଯୁଗ୍ମ ଆୟୁକ୍ତ / ସମସ୍ତ ଉପ ଆୟୁକ୍ତ / ସମସ୍ତ ସହକାରୀ ଆୟୁକ୍ତ / ନଗର ଯନ୍ତ୍ରୀ / ସ୍ୱାସ୍ଥ୍ୟ ଅଧିକାରୀ / ବିତ ଅଧିକାରୀ / ଆଇନ ଅଧିକାରୀ / ବିଜ୍ଞାପନ ବିଭାଗ/ ଶ୍ରୀ ବିଭୁତି ଭୁଷଣ ସାହୁ, ଏମ.ଆଇ.ଏସ୍. କମ୍ପ୍ୟୁଟର ପ୍ରୋଗ୍ରାମର ଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା । ଶ୍ରୀ ସାହୁ ଉକ୍ତ ଟେଣ୍ଡରକୁ ମହାନଗର ନିଗମ ୱେବସାଇଟରେ ପ୍ରକାଶନ ନିମନ୍ତେ ନିର୍ଦ୍ଦେଶ ଦିଆଗଲା ।

ଉପ ଆୟୁକ୍ତ

କଟକ ମହାନଗର ନିଗମ
ଚୌଧୁରୀ ବଜାର, କଟକ-୭୫୩ ୦୦୯

ପତ୍ର ସଂ.................. ତାରିଖ...............

ଜ୍ଞାପକ ସଂ. 7302 /ତା. 1.4/5/2024
ଏହାର ଏକ କିତା ନକଲ ଡ଼େପୁଟି ମେୟର/ ମେୟରଙ୍କ ବ୍ୟକ୍ତିଗତ ସହାୟକଙ୍କ ଅବଗତ ତଥା ମାନ୍ୟବର ମେୟର ମହୋଦୟଙ୍କ ସଦୟ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

ଉପ ଆୟୁକ୍ତ

ଜ୍ଞାପକ ସଂ. 7303 /ତା. 1.4/5/2024
ଏହାର ଏକ କିତା ନକଲ କମିଶନରଙ୍କ କ୍ଷିପ୍ର ଲେଖିକଙ୍କୁ କମିଶନରଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

ଉପ ଆୟୁକ୍ତ

ଜ୍ଞାପକ ସଂ. 7304 /ତା. 1.4/5/2024
ଏହାର ଏକ କିତା ନକଲ କଟକ ମହାନଗର ନିଗମ କାର୍ଯ୍ୟାଳୟ ନୋଟିସ ବୋର୍ଡ଼/ ଜିଲ୍ଲାପାଳ, କଟକ/ ଉପ ଜିଲ୍ଲାପାଳ, କଟକ ସଦର/ ତହସିଲଦାର, ସଦର କଟକ ଙ୍କ ନୋଟିସ ବୋର୍ଡ଼ରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ପ୍ରକାଶ କରାଯିବା ପାଇଁ ଅନୁରୋଧ କରାଗଲା ।

ଉପ ଆୟୁକ୍ତ